ପ୍ରମେୟ

# ଜିଲ୍ଲାସ୍ତରୀୟ ବିଶ୍ୱ ରକ୍ତ ଶିକୁଳି ନିରାକରଣ ଅଭିଯାନ



ନୂଆପଡ଼ା,୧୯।୬(ଆପ୍ର): ସ୍ଥାନୀୟ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ସଭାଗୃହରେ ଆଜି ଜିଲ୍ଲାସ୍ତରୀୟ ବିଶ୍ୱ ରକ୍ତ ଶିକୁଳି, ରକ୍ତ ହୀନତା ନିରାକରଣ ଅଭିଯାନର ଶୁଭାରମ୍ଭ ହୋଇଛି। ଅତିରିକ୍ତ ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀ(ଏଡିଏମଓ) ଉମାକାନ୍ତ ମେହେରଙ୍କ ଅଧ୍ୟକ୍ଷତାରେ ଆୟୋଜିତ ଉତ୍ସବରେ ମୁଖ୍ୟଅତିଥି ଭାବେ ନୂଆପଡ଼ା ଜିଲ୍ଲାପାଳ ହେମକାନ୍ତ ସାୟ, ସମ୍ମାନିତ ଅତିଥି ଭାବେ ଉପଜିଲ୍ଲାପାଳ ଯୋଗେନ୍ଦ୍ର ମାଝି, ଲୋକସଭା ସଂସଦ ପ୍ରତିନିଧି ପ୍ରେମ ଅଗ୍ରୱାଲ, ଡିପିଏମଓ ଗୁରୁପ୍ରଦାସ ଜେନା, ଜିଲ୍ଲା ମଙ୍ଗଳ ଅଧିକାରୀ ଦୀପ୍ତିମନ୍ତ ଭୋଇ, ଜିଲ୍ଲା ଶିକ୍ଷା ନିରୀକ୍ଷକ ଉଦୟ ଶଙ୍କର ମାଝି, ଏନଆରଏଚଏମ ଡିପିଏମ ଦିଲୀପ ଦୁବେ ଉପସ୍ଥିତ ଥିଲେ। ରକ୍ତ ଶିକୁଳି ରୋଗର କାରଣ, ନିରାକରଣ ଓ ଚିକିତ୍ସା ସଂପର୍କରେ ଆଲୋଚନା କରିଥିଲେ। ସଚେତନତା ହିଁ ଏହାର ଏକମାତ୍ର ପନ୍ଥା ବୋଲି ଅତିଥିମାନେ ମତ ଦେଇଥିଲେ। ଏହି କାର୍ଯ୍ୟକ୍ରମରେ ସମସ୍ତ ଅଙ୍ଗନୱାଡି, ଆଶା କର୍ମୀ ଓ ନର୍ସିଂ କର୍ମଚାରୀମାନେ ଉପସ୍ଥିତ ଥିଲେ। ଅତିରିକ୍ତ ଜନ ସ୍ୱାସ୍ଥ୍ୟ ଅଧିକାରୀ କିଶୋର ଚନ୍ଦ୍ର ପଟେଲ ପରିଚାଳନା କରିବା ସହ ଧନ୍ୟବାଦ ଅର୍ପଣ କରିଥିଲେ। ସେହିପରି ନୂଆପଡ଼ା ନ୍ୟାସନାଲ ମହାବିଦ୍ୟାଳୟଠାରେ ଯୁବ ରେଡକ୍ରସ ଓ ରାଷ୍ଟ୍ରୀୟ ସେବା ଯୋଜନାର ମିଳିତ ଆନୁକୂଲ୍ୟରେ ବିଶ୍ୱ ରକ୍ତ ଶିକୁଳି ଦିବସ ପାଳିତ ହୋଇଯାଇଛି। ମହାବିଦ୍ୟାଳୟର ଅଧ୍ୟକ୍ଷ ପ୍ରଫେସର ହିତେଶ ସାହୁଙ୍କ ଅଧ୍ୟକ୍ଷତାରେ ଆୟୋଜିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଅଧ୍ୟାପକ କପିଳଦେବ ପାଣିଗ୍ରାହୀ, ସମ୍ମାନିତ ଅତିଥି ଭାବେ ପ୍ରାଧ୍ୟାପକ ଦୁର୍ଲ୍ଲଭ ବେହେରା, ଅଧ୍ୟାପିକା ମମତା ପଟ୍ଟନାୟକ, କ୍ରୀଡ଼ା ଅଧ୍ୟାପକ ପ୍ରକାଶ ସାହୁ ପ୍ରମୁଖ ମଞ୍ଚାସୀନ ଥିଲେ। ଯୁବ ରେଡକ୍ରସ ଜିଲ୍ଲା ଆବାହକ ସମ୍ପାଦକ ଶିବ ପ୍ରସାଦ ସା କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ। ଶେଷରେ ରାଷ୍ଟ୍ରୀୟ ସେବା ଯୋଜନା ଅଧିକାରୀ ଗୋପୀ ଗୋପାଳ ସୁନା ଧନ୍ୟବାଦ ଅର୍ପଣ କରିଥିଲେ। ଡ.ପ୍ରମୋଦ ରାଉତ, ଡ.ମିନାକ୍ଷୀ ଦାଶ, ଡ. ପ୍ରଣତି ପଣ୍ଡା, ଶୁକଦେବ ଭିଲ, ଈଶ୍ୱର ପଟେଲ, ସଚିନ ବାବୁ, ରବୀନ୍ଦ୍ର ସିଂ ମାଝି ପ୍ରମୁଖ କାର୍ଯ୍ୟକ୍ରମରେ ସହଯୋଗ କରିଥିଲେ।